# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

**21 February - 2025**

**News Editor : Tapan Kumar Maharana**

***********************************

## ମୁଖ୍ୟ ସମ୍ବାଦ

- ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦର ମାଟ୍ରିକ୍ ପରୀକ୍ଷା ଆଜିଠାରୁ ଆରମ୍ଭ

— ୩ ହଜାରରୁ ଊର୍ଦ୍ଧ୍ୱ ପରୀକ୍ଷା କେନ୍ଦ୍ରରେ ୫ ଲକ୍ଷରୁ ଅଧିକ  ଛାତ୍ରଛାତ୍ରୀ ଦେଉଛନ୍ତି ପରୀକ୍ଷା

- ମହିଳାମାନଙ୍କୁ ସଶକ୍ତ କରିବା ପାଇଁ ଆସନ୍ତାକାଲିଠାରୁ ଆରମ୍ଭ ହେବ 'ସୁଭଦ୍ରା ଶକ୍ତି ମେଳା'

- ବଜେଟ୍ ଅଧିବେଶନର ଅଷ୍ଟମ ଦିନରେ ଆଜି ଗୃହକାର୍ଯ୍ୟ ସ୍ୱାଭାବିକ

ଏବଂ

- ବିଶ୍ୱରେ ଭାଷା ଏବଂ ସାଂସ୍କୃତିକ ବିବିଧତାକୁ ପ୍ରୋତ୍ସାହିତ କରିବା ଉଦ୍ଦେଶ୍ୟରେ ଆଜି ପାଳନ କରାଯାଉଛି  ଅନ୍ତର୍ଜାତୀୟ ମାତୃଭାଷା ଦିବସ

# ମାଟ୍ରିକ୍ ପରୀକ୍ଷା

ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ ମାଟ୍ରିକ୍ ପରୀକ୍ଷା ରାଜ୍ୟରେ ଆଜିଠାରୁ ଆରମ୍ଭ ହୋଇଛି। ଚଳିତବର୍ଷ ୩ ହଜାର ୨୯ଟି ପରୀକ୍ଷା କେନ୍ଦ୍ରରେ ୫ ଲକ୍ଷ ୧୦ହଜାର ୭୭୮ ଜଣ ପରୀକ୍ଷାର୍ଥୀ ପରୀକ୍ଷା ଦେଉଛନ୍ତି । କପି ରୋକିବା ପାଇଁ ୪ସ୍ତରୀୟ ସ୍କ୍ୱାଡ୍ ଗଠନ କରାଯାଇଛି। ଜିଲ୍ଲା ଶିକ୍ଷାଅଧିକାରୀଙ୍କ ପକ୍ଷରୁ ୭୦ଟି ଫ୍ଲାଇଙ୍ଗ୍ ସ୍କ୍ୱାଡ୍ ଏବଂ ବୋର୍ଡ୍ ପକ୍ଷରୁ ୪୨ଟି ସ୍ୱତନ୍ତ୍ର ସ୍କ୍ୱାଡ୍ ଗଠନ କରାଯାଇଥିବା ନେଇ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ସୂତ୍ରରୁ ଜଣାପଡିଛି।

ବିଦ୍ୟାଳୟ ଓ ଗଣଶିକ୍ଷାମନ୍ତ୍ରୀ  ନିତ୍ୟାନନ୍ଦ ଗଣ୍ଡ କହିଛନ୍ତି ତ୍ରୁଟିଶୂନ୍ୟ ପରୀକ୍ଷା ପରିଚାଳନା ଉପରେ ଗୁରୁତ୍ୱ ଦିଆଯାଇଛି । ପରୀକ୍ଷା ସମୟରେ ଅନିୟମିତତା ରୋକିବା ପାଇଁ ପଦକ୍ଷେପ ଗ୍ରହଣ କରାଯାଇଛି ।

ମାଟ୍ରିକ୍ ପରୀକ୍ଷା ସହ ରାଜ୍ୟ ମୁକ୍ତ ବିଦ୍ୟାଳୟ ଓ ସଂସ୍କୃତ ମଧ୍ୟମା ପରୀକ୍ଷା ମଧ୍ୟ ଆଜିଠାରୁ ଆରମ୍ଭ ହୋଇ ମାର୍ଚ୍ଚ ୬ ତାରିଖ ପର୍ଯ୍ୟନ୍ତ ଚାଲିବ। ଚାପମୁକ୍ତ ହୋଇ ପରୀକ୍ଷା ଦେବାପାଇଁ **ମୁଖ୍ୟମନ୍ତ୍ରୀ** ମୋହନ ଚରଣ ମାଝୀ ଛାତ୍ରଛାତ୍ରୀଙ୍କୁ ପରାମର୍ଶ ଦେଇଛନ୍ତି । **କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ** ପରୀକ୍ଷାକୁ ଭୟ ନ କରି ଆତ୍ମବିଶ୍ୱାସର ସହ ପରୀକ୍ଷା ଦେବାକୁ ଛାତ୍ରଛାତ୍ରୀମାନଙ୍କୁ ପରାମର୍ଶ ଦେଇଛନ୍ତି।

**ନବରଙ୍ଗପୁର** ଜିଲ୍ଲାରେ ୮୫ଟି ପରୀକ୍ଷା କେନ୍ଦ୍ରରେ ୧୭ ହଜାର ୪୭୨ ଜଣ ରେଗୁଲାର ଏବଂ ୫୮ ଜଣ ଏକ୍ସରେଗୁଲାର ଛାତ୍ରଛାତ୍ରୀ ମାଟ୍ରିକ୍ ପରୀକ୍ଷା ଦେଉଛନ୍ତି।

ଜିଲ୍ଲା ପ୍ରଶାସନ ଓ ଶିକ୍ଷା ବିଭାଗ ପକ୍ଷରୁ ପ୍ରତ୍ୟେକ ପରୀକ୍ଷା କେନ୍ଦ୍ର ପାଇଁ ଜଣେ ଲେଖାଏଁ ଅବଜରଭର ନିୟୋଜିତ କରାଯାଇଛି।

**କନ୍ଧମାଳ** ଜିଲ୍ଲାର ୬୬ଟି ପରୀକ୍ଷା କେନ୍ଦ୍ରରେ ମୋଟ୍ ୨୧୪ଟି ହାଇସ୍କୁଲର ୧୦ ହଜାର ୩୪୬ ଜଣ ରେଗୁଲାର ଛାତ୍ରଛାତ୍ରୀ ପରୀକ୍ଷା ଦେଉଛନ୍ତି। ନକ୍ସଲ ପ୍ରଭାବିତ ଅଞ୍ଚଳରେ ୭ଟି ନୋଡାଲ କେନ୍ଦ୍ର ଥାନା ପରିସରରେ କରାଯାଇଛି।

**ଗଞ୍ଜାମ** ଜିଲ୍ଲାର ୨୧୭ଟି ପରୀକ୍ଷା କେନ୍ଦ୍ରରେ ମୋଟ୍ ୪୩ ହଜାର ୪୩୫ ଜଣ ପରୀକ୍ଷାର୍ଥୀ ମାଟ୍ରିକ୍ ପରୀକ୍ଷା ଦେଉଛନ୍ତି। ପ୍ରଶ୍ନପତ୍ରଗୁଡ଼ିକୁ ସୁରକ୍ଷିତ ରଖିବା ପାଇଁ ୧୬ଟି ନୋଡାଲ ସେଣ୍ଟର କରାଯାଇଛି। ସମ୍ବେଦନଶୀଳ ପରୀକ୍ଷା କେନ୍ଦ୍ର ପାଇଁ ଆର୍ଟିଫିସିଆଲ୍ ଇଣ୍ଟେଲିଜେନ୍ସ ବ୍ୟବସ୍ଥା କରାଯାଇଛି।

## ବିଧାନସଭା-ନେପାଳୀ ଛାତ୍ରୀମୃତ୍ୟୁ

ବିଧାନସଭା ବଜେଟ୍ ଅଧିବେଶନର ଆଜିର କାର୍ଯ୍ୟଦିବସରେ ପ୍ରଶ୍ନୋତ୍ତର ଓ ଶୂନ୍ୟକାଳ ସ୍ୱାଭାବିକ ଥିବାବେଳେ ମୁଲତବୀ ପ୍ରସ୍ତାବ ଆଲୋଚନାରେ ବିରୋଧୀ ଦଳ କଂଗ୍ରେସ ସଭ୍ୟ ତାରା ପ୍ରସାଦ ବାହିନୀପତି ଭୁବନେଶ୍ୱର ଘରୋଇ ବିଶ୍ୱବିଦ୍ୟାଳୟ ଛାତ୍ରୀମୃତ୍ୟୁ ପ୍ରସଙ୍ଗ ଉଠାଇଥିଲେ। ଛାତ୍ରୀ ମୃତ୍ୟୁ ଘଟଣାରେ ଦୋଷୀଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ସରକାର ଗ୍ରହଣ

କରନ୍ତୁ ବୋଲି  ବାଚସ୍ପତିଙ୍କୁ କହିଥିଲେ। ଶ୍ରୀ ବାହିନୀପତିଙ୍କ ଉତ୍ତରରେ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଥିଲେ, ଏହି ପ୍ରସଙ୍ଗରେ ଏକ ଉଚ୍ଚସ୍ତରୀୟ ୩ ଜଣିଆ କମିଟି ଗଠନ କରାଯାଇ ତଦନ୍ତ ଆରମ୍ଭ ହୋଇଛି। ଘରୋଇ ବିଶ୍ୱବିଦ୍ୟାଳୟର ପ୍ରତିଷ୍ଠାତାଙ୍କ ସମେତ କେତେଜଣଙ୍କୁ କମିଟି ସମ୍ମୁଖରେ ଉପସ୍ଥିତ ହେବା ପାଇଁ ସମନ ଜାରି କରାଯାଇଛି। ଶ୍ରୀ ସୂରଜ କହିଛନ୍ତି, ନେପାଳୀ ଛାତ୍ରଛାତ୍ରୀମାନେ ବିଶ୍ୱବିଦ୍ୟାଳୟକୁ ଫେରି ଆସିବା ପାଇଁ ମୁଖ୍ୟମନ୍ତ୍ରୀ ନିବେଦନ କରିଛନ୍ତି। ବିଧାନସଭାର ଅପରାହ୍ଣ ଅଧିବେଶନ ୪ଟାରେ ଆରମ୍ଭ ହେବ।

## ବିଧାନସଭା–ସ୍ନାତକ ମହାବିଦ୍ୟାଳୟ

ଦେବଗଡ଼, ମାଲକାନଗିରି, ନବରଙ୍ଗପୁର, ନୟାଗଡ, ନୂଆପଡା, ରାୟଗଡ଼ା, ସୋନପୁର ଏବଂ ବୌଦ୍ଧ ଜିଲ୍ଲାରେ ଗୋଟିଏ ଲେଖାଏଁ ଆଦର୍ଶ ସ୍ନାତକ ମହାବିଦ୍ୟାଳୟ ଖୋଲାଯାଇଛି ବୋଲି ବିଧାନସଭାରେ ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଛନ୍ତି। କେନ୍ଦ୍ରୀୟ ପ୍ରବର୍ତ୍ତିତ ଯୋଜନା ରାଷ୍ଟ୍ରୀୟ ଉଚ୍ଚତର ଶିକ୍ଷା ଅଭିଯାନ-ରୁଷା-୧ ଅଧୀନରେ ଏହି ଆଦର୍ଶ ମହାବିଦ୍ୟାଳୟଗୁଡ଼ିକ ଖୋଲାଯାଇଛି। ଅନ୍ୟ ଏକ ପ୍ରଶ୍ନର ଉତ୍ତରରେ ମନ୍ତ୍ରୀ ଶ୍ରୀ ସୂରଜ କହିଛନ୍ତି, ରାଜ୍ୟର ପ୍ରତ୍ୟେକ ବିଧାନସଭା ମଣ୍ଡଳୀରେ ଗୋଟିଏ ଲେଖାଏଁ ଆଦର୍ଶ ମହାବିଦ୍ୟାଳୟ ଖୋଲିବା ପାଇଁ ସରକାରଙ୍କର କୌଣସି ପ୍ରସ୍ତାବ ନାହିଁ।

## ବିଧାନସଭା–କାମଚଳା ପ୍ରଧାନ ଶିକ୍ଷକ

ରାଜ୍ୟରେ ୨ ହଜାର ୧୫୮ଟି ସରକାରୀ ହାଇସ୍କୁଲରେ କାମଚଳା ପ୍ରଧାନଶିକ୍ଷକଙ୍କ ଦ୍ୱାରା ପରିଚାଳିତ ହେଉଛି ବୋଲି ଏକ ଅଣତାରକା ପ୍ରଶ୍ନର ଉତ୍ତରରେ ବିଧାନସଭାରେ ଗଣଶିକ୍ଷାମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ କହିଛନ୍ତି । ଓଡ଼ିଶା ହାଇକୋର୍ଟଙ୍କ ଅନ୍ତରୀଣ ରହିତାଦେଶ ଯୋଗୁଁ କେତେକ ସ୍କୁଲରେ ପ୍ରଧାନଶିକ୍ଷକ ପଦବୀ  ଅଦ୍ୟାବଧି ପୂରଣ କରାଯାଇପାରୁନାହିଁ । ସେହିଭଳି ୯୨ଟି ସରକାରୀ ଉଚ୍ଚ ବିଦ୍ୟାଳୟରେ ଓଇଏସ୍-୨ ପଦବୀ ଖାଲି ପଡିଛି ବୋଲି ଶ୍ରୀ ଗଣ୍ଡ କହିଛନ୍ତି ।

## ମନ୍ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତା ୨୩ ତାରିଖ ରବିବାର ପୂର୍ବାହ୍ନ ୧୧ଟା ସମୟରେ ଆକାଶବାଣୀର ମନ୍ କି ବାତ୍ କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ ଭାବ ବିନିମୟ କରିବେ । ଏହା ପ୍ରଧାନମନ୍ତ୍ରୀଙ୍କ ମନ୍ କୀ ବାତ୍ କାର୍ଯ୍ୟକ୍ରମର ୧୧୯ତମ ସଂସ୍କରଣ ହେବ । ମନ୍ କି ବାତ୍ କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ କେନ୍ଦ୍ର, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଉପଲବ୍ଧ ହେବ ।

ଆକାଶବାଣୀ ସମ୍ବାଦ, ଡି.ଡି. ନ୍ୟୁଜ୍, ପି.ଏମ୍.ଓ. ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ୟୁଟ୍ୟୁବ୍ ଚ୍ୟାନେଲ୍‌ରେ ମନ୍ କୀ ବାତ୍ କାର୍ଯ୍ୟକ୍ରମର ଲାଇଭ୍ ଷ୍ଟ୍ରିମିଙ୍ଗ୍ ହେବ । ପ୍ରଧାନମନ୍ତ୍ରୀଙ୍କର ସମ୍ବୋଧନ ପରେ ଆଞ୍ଚଳିକ

ଭାଷାରେ ମନ୍ କୀ ବାତ୍ ପ୍ରସାରଣ କରାଯିବ। ଆଞ୍ଚଳିକ ଭାଷାରେ ଏହାର ଭାଷାନ୍ତର ପୁଣିଥରେ ରାତି ୮ଟାରେ ପ୍ରସାରଣ କରାଯିବ।

## ସୁଭଦ୍ରା ଶକ୍ତି ମେଳା

ମହିଳାମାନଙ୍କୁ ସଶକ୍ତ କରିବା ନେଇ ରାଜ୍ୟ ସରକାର ଆସନ୍ତାକାଲିଠାରୁ ସୁଭଦ୍ରା ଶକ୍ତି ମେଳାର ଶୁଭାରମ୍ଭ କରିବେ। ରାଜ୍ୟସ୍ତରୀୟ ସୁଭଦ୍ରା ଶକ୍ତିମେଳା ଭୁବନେଶ୍ୱରରେ ଆୟୋଜନ ହୋଇଥିବାବେଳେ କେତୋଟି ଜିଲ୍ଲାରେ ମଧ୍ୟ ସୁଭଦ୍ରା ମେଳା ଆୟୋଜନ କରାଯିବ। ଆସନ୍ତାମାସ ୨ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ମେଳାରେ ରାଜ୍ୟର ବିଭିନ୍ନ ଅଂଚଳର ସ୍ୱୟଂ ସହାୟିକା ମହିଳା ଗୋଷ୍ଠୀ ଏବଂ ଉତ୍ପାଦକ ଗୋଷ୍ଠୀମାନଙ୍କ ଦ୍ୱାରା ପ୍ରଦତ୍ତ ସାମଗ୍ରୀର ପ୍ରଦର୍ଶନୀ ଓ ବିକ୍ରି ହେବ ବୋଲି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା କହିଛନ୍ତି।

**- V/O -**

## ସମୀକ୍ଷା ବୈଠକ

**ଗଞ୍ଜାମ** ଜିଲ୍ଲା ଦିଗପହଣ୍ଡି ବ୍ଲକ୍ କାର୍ଯ୍ୟାଳୟ ପରିସରରେ ଶିକ୍ଷା ବିଭାଗ ପକ୍ଷରୁ ବ୍ଲକ୍‌ସ୍ତରୀୟ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି। ଛାତ୍ରଛାତ୍ରୀମାନଙ୍କୁ ପୋଷାକ ବଣ୍ଟନ, ଜାତୀୟ ବିଜ୍ଞାନ ଦିବସ, ମାତୃଭାଷା ଦିବସ ଓ ନିପୁଣ ଓଡ଼ିଶା ମେଳା ସମ୍ପର୍କରେ ବୈଠକରେ ବିସ୍ତୃତ ତଥ୍ୟ

ଉପସ୍ଥାପିତ ହୋଇଥିଲା। ବ୍ଲକ୍‌ର ୧୬ଟି କ୍ଲଷ୍ଟରର ସମସ୍ତ ଏସ୍‌ଆରସିଙ୍କ ସମେତ ବିଭିନ୍ନ ବିଦ୍ୟାଳୟର ପ୍ରଧାନ ଶିକ୍ଷକ-ଶିକ୍ଷୟିତ୍ରୀ ଯୋଗଦେଇଥିଲେ।

## ଜାତୀୟ କର୍ମଶାଳା

**ଭଦ୍ରକ** ମହିଳା ମହାବିଦ୍ୟାଳୟରେ ଜଳବାୟୁ ପରିବର୍ତ୍ତନରେ 'ଐତିହାସିକ ଦୃଷ୍ଟିଭଙ୍ଗୀ' ଶୀର୍ଷକ ଜାତୀୟ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି। ଦିଲ୍ଲୀ ବିଶ୍ୱ ବିଦ୍ୟାଳୟର ପ୍ରଫେସର ଡକ୍ଟର ଦେବାପ୍ରୀତ୍ ମଞ୍ଜିଲ୍‌ଙ୍କ ସମେତ ବରିଷ୍ଠ ଅଧ୍ୟାପକ, ବିଭିନ୍ନ ମହାବିଦ୍ୟାଳୟର ଅଧ୍ୟକ୍ଷ, ବିଶିଷ୍ଟ ବ୍ୟକ୍ତି ଯୋଗଦେଇ ପରିବେଶ ସୁରକ୍ଷା ସବୁଜିମା ଅକ୍ଷୁର୍ଣ୍ଣ ରଖିବା, ଜଳବାୟୁ ସଙ୍କଟରୁ ମାନବ ଜାତିର ଉଦ୍ଧାର ଆଦି ବିଭିନ୍ନ ପ୍ରସଙ୍ଗ ଉପରେ ଗୁରୁତ୍ୱ ଆରୋପ କରିଥିଲେ।

## ସଚେତନତା ସଭା

**ଗଞ୍ଜାମ** ଜିଲ୍ଲା କୋଦଳାସ୍ଥିତ ଲକ୍ଷ୍ମୀନାରାୟଣ ସ୍ନାତକ ମହାବିଦ୍ୟାଳୟରେ କୋଦଳା ଆଇନ୍‌ସେବା ପ୍ରାଧିକରଣ ପକ୍ଷରୁ କିଶୋର ନ୍ୟାୟ ଯତ୍ନ ଓ ସୁରକ୍ଷା ଆଇନ୍ ସଚେତନତା ସଭା ଅନୁଷ୍ଠିତ ହୋଇଯାଇଛି। ଅତିରିକ୍ତ ଜିଲ୍ଲା ଦୌରାଜଜ୍ ବିଶ୍ୱରଞ୍ଜନ ବେହେରା, ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ଦଣ୍ଡାଧିକାରୀ ହିଂମାଂଶୁ ଶେଖର ପ୍ରମୁଖ ଯୋଗଦେଇ କାର୍ଯ୍ୟକ୍ରମର ଲକ୍ଷ୍ୟ ଓ ଉଦ୍ଦେଶ୍ୟ ବିଷୟରେ ମତ ଉପସ୍ଥାପନ କରିଥିଲେ।

## ରକ୍ତଦାନ ଶିବିର

**ବରଗଡ଼** ଜିଲ୍ଲା ତାଳଶ୍ରୀଗିଡା ଗ୍ରାମରେ ଜୀବନ ସଂଯୋଗ ଅନୁଷ୍ଠାନ ଏବଂ ସ୍ୱେଚ୍ଛାସେବୀ ଅନୁଷ୍ଠାନର ମିଳିତ ଆନୁକୂଲ୍ୟରେ ଏକ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ୫୧ ଦିନ ଧରି ଚାଲିଥିବା ଏହି ଶିବିରରେ ୫୬ଟି ରକ୍ତଦାନ ଶିବିରରୁ ୨ ହଜାର ୭୭୨ ୟୁନିଟ୍ ରକ୍ତ ସଂଗ୍ରହ କରାଯାଇ ବରଗଡ଼, ବୁର୍ଲା, ସମ୍ବଲପୁର ଓ ପଦମ୍‌ପୁରର ରକ୍ତଭଣ୍ଡାରକୁ ପ୍ରଦାନ କରାଯାଇଛି। ଏହି ଶିବିରରେ ବରଗଡ଼ ରକ୍ତଭଣ୍ଡାର ଦ୍ୱାରା ୩୦ ୟୁନିଟ୍ ରକ୍ତ ସଂଗୃହୀତ ହୋଇଛି।

# ଅନ୍ତର୍ଜାତୀୟ ମାତୃଭାଷା ଦିବସ

ବିଶ୍ୱରେ ଭାଷା ଏବଂ ସାଂସ୍କୃତିକ ବିବିଧତାକୁ ପ୍ରୋତ୍ସାହିତ କରିବା ଏବଂ ମାତୃଭାଷାକୁ ବଞ୍ଚାଇ ରଖିବା ପାଇଁ ଲୋକଙ୍କୁ ସଚେତନ କରାଇବା ଉଦ୍ଦେଶ୍ୟରେ ପ୍ରତିବର୍ଷ ଆଜିର ଦିନକୁ ଅନ୍ତର୍ଜାତୀୟ ମାତୃଭାଷା ଦିବସ ଭାବେ ପାଳନ କରାଯାଉଛି। ହୃଦୟର ଆବେଗକୁ ଭାବପୂର୍ଣ୍ଣ ଭାବେ ବ୍ୟକ୍ତ କରୁଥିବା ଭାଷାକୁ ମାତୃଭାଷା କୁହାଯାଇଥାଏ। କବି ଗଙ୍ଗାଧର ମେହେରଙ୍କ କାଳଜୟୀ ପଙ୍‌କ୍ତିରେ କହିଛନ୍ତି, 'ଉଚ୍ଚ ହେବାପାଇଁ କର ଯେବେ ଆଶା, ଉଚ୍ଚ କର ଆଗେ ନିଜ ମାତୃଭାଷା।' ବିଶ୍ୱରେ ପ୍ରାୟ ୭ ହଜାର ଭାଷାରେ ଲୋକମାନେ କଥାବାର୍ତ୍ତା କରିଥାନ୍ତି। ଭାଷାବିତ୍‌ମାନଙ୍କର ଆକଳନ ଅନୁସାରେ, ଏହି ସଂଖ୍ୟା ମଧ୍ୟରୁ ଅର୍ଦ୍ଧାଧିକ ଭାଷା **ସଙ୍କଟାପନ୍ନ** ସମୟ ଦେଇ ଗତି କରୁଛି। ଚଳିତ ଶତାବ୍ଦୀ ବେଳକୁ ପ୍ରାୟ ୧ ହଜାର ୫୦୦ ଭାଷା ସବୁଦିନ ପାଇଁ ଲୋକ ପାଇଯିବ। ଓଡ଼ିଶାର ମାଣ୍ଡ, ପରଜୀ, ପେଙ୍ଗୋ ଭାଷାଗୁଡ଼ିକ ଲୋପ ପାଇବାର

ଯଥେଷ୍ଟ ସମ୍ଭାବନା ରହିଛି । ଚଳିତବର୍ଷ ଅନ୍ତର୍ଜାତୀୟ ମାତୃଭାଷା ଦିବସ ରଜତ ଜୟନ୍ତୀ ପାଳନ କରୁଛି । ଅନ୍ତର୍ଜାତୀୟ ମାତୃଭାଷା ଦିବସ ଅବସରରେ ମାତୃଭାଷାର ସୁରକ୍ଷା ସହିତ ଏକ ସମୃଦ୍ଧ ଶୈକ୍ଷିକ ବାତାବରଣ ଗଢ଼ି ତୋଳିବାକୁ ସରକାରୀ ଏବଂ ବେସରକାରୀ ସ୍ତରରେ ପ୍ରୟାସ ଜାରି ରହିଛି ।

ଅନ୍ତର୍ଜାତୀୟ ମାତୃଭାଷା ଦିବସରେ **ମୁଖ୍ୟମନ୍ତ୍ରୀ** ମୋହନ ଚରଣ ମାଝୀ ଶୁଭେଚ୍ଛା ଜଣାଇ କହିଛନ୍ତି, ମାତୃଭାଷା ସାହିତ୍ୟକୁ ସମୃଦ୍ଧ କରିବା ସହ ଚିନ୍ତା ଚେତନା ଓ ଭାବନା ପରିପ୍ରକାଶର ପ୍ରକୃଷ୍ଟ ମାଧ୍ୟମ । ମାତୃଭାଷା ଦିବସରେ ଓଡ଼ିଆ ଶବ୍ଦଭଣ୍ଡାର ଓ ସାହିତ୍ୟକୁ ଆହୁରି ସମୃଦ୍ଧ କରିବା ଦିଗରେ କାର୍ଯ୍ୟ କରିବାକୁ ମୁଖ୍ୟମନ୍ତ୍ରୀ ଯୁବପିଢ଼ିଙ୍କୁ ଆହ୍ୱାନ ଦେଇଛନ୍ତି ।